[ନିୟମ – ୪ (୪-୧) ଦ୍ରଷ୍ଟବ୍ୟ]

# ତହସିଲ କାର୍ଯ୍ୟାଳୟ, କନିଷି, ଗଞ୍ଜାମ

Alienation Misc. Case No.- 02/2026

## ସର୍ବସାଧାରଣ ନୋଟିସ୍

ଏତଦ୍ ଦ୍ୱାରା ମୌଜା– କରାପଲ୍ଲୀ, ଥାନା – ଗୋପାଳପୁର ର ସର୍ବସାଧାରଣଙ୍କ ଅବଗତି ନିମନ୍ତେ ଜଣାଇ ଦିଆଯାଉଅଛି ଯେ, ନିମ୍ନଲିଖିତ ତଫସିଲଭୁକ୍ତ ଜମି ର ଖାତା କୁ "ସର୍ବସାଧାରଣ" ରୁ "ଆବାଦ ଯୋଗ୍ୟ ଅନାବାଦି" ଓ କିସମ " ପତିତ" ରେ ପରିବର୍ତନ କଲାପରେ ବାଣିଜ୍ୟ ଓ ପରିବହନ ବିଭାଗ, ଓଡ଼ିଶା ଙ୍କ ନାମରେ ହସ୍ତାନ୍ତର କରିବା ପାଇଁ ସ୍ଥିରୀକୃତ ହୋଇଅଛି।

ଏଣୁ ନିମ୍ନ ତଫସିଲଭୁକ୍ତ ଜମିର ଖାତା ଓ କିସମ ପରିବର୍ତ୍ତନ ଉପରେ ଯଦି କାହାର କିଛି ଆପତ୍ତି ଅଭିଯୋଗ ଥାଏ, ଏହି ଇସ୍ତାହାର ପ୍ରକାଶ ପାଇବାର ୧୫ (ପନ୍ଦର) ଦିନ ମଧ୍ୟରେ ନିମ୍ନ ସ୍ୱାକ୍ଷରକାରୀଙ୍କ ଅଦାଲତରେ ଯେ କୌଣସି କାର୍ଯ୍ୟ ଦିବସରେ ଲିଖିତ ଆପତ୍ତି ଅଭିଯୋଗ ଦାଖଲ କରିପାରିବେ । ଧାର୍ଯ୍ୟ ସମୟ ଅତିକ୍ରାନ୍ତ ହେବା ପରେ କୌଣସି ଅଭିଯୋଗ ଗ୍ରହଣ କରାଯିବନାହିଁ ।

ତଫସିଲଭୁକ୍ତ ଜମିର ବିବରଣୀ

| ମୌଜା | ଖାତା ନଂ | ପ୍ଲଟ ନଂ | ମୋଟ ରକବା (ଏକରରେ) | ପ୍ରସ୍ତାବିତ ରକବା (ଏକରରେ) | କିସମ | ଖାତାଦାର |
|---|---|---|---|---|---|---|
| କରାପଲ୍ଲୀ | ୪୦୧ | ୪୫ | ୦.୩୭୫ | ୦.୦୮୦ | ପତିତ | ସର୍ବସାଧାରଣ |
| | | ୪୯ | ୦.୫୨୫ | ୦.୧୬୩ | | |

ତହସିଲଦାର, କନିଷି

ପରିପତ୍ର ସଂଖ୍ୟା- 3745 ତାରିଖ- 06.03.2026

ଏହାର ଏକକିତା ନକଲ ଜିଲ୍ଲା ସୂଚନା ଅଧିକାରୀ **(DIO), NIC,** ଗଞ୍ଜାମଙ୍କ ଅବଗତି ଓ ୱେବ-ସାଇଟ୍ ମାଧ୍ୟମରେ ବିଜ୍ଞପ୍ତି ପ୍ରକାଶ କରିବା ନିମନ୍ତେ ପ୍ରେରଣ କରାଗଲା ।

ଏହାର ଏକକିତା ନକଲ ରାଜସ୍ୱ ନିରୀକ୍ଷକ**,** କରାପଲ୍ଲୀ ଙ୍କ ଦ୍ୱାରା ମୌଜା- କରାପଲ୍ଲୀ ର ପ୍ରକାଶ୍ୟ ସ୍ଥାନରେ ଢେଣ୍ଡରା/ମାଇକିଙ୍ଗ ଦ୍ୱାରା ଜାରି କରିବା ପାଇଁ ପ୍ରେରଣ କରାଗଲା ।

ଏହାର ଏକକିତା ନକଲ କାର୍ଯ୍ୟନିର୍ବାହୀ ଅଧିକାରୀ/ ଅଧକ୍ଷ୍ୟ, ବିଜ୍ଞାପିତ ଅଞ୍ଚଳ ପରିଷଦ କାର୍ଯ୍ୟାଳୟ, କରାପଲ୍ଲୀ ଙ୍କ ଅବଗତି ତଥା ବହୁଳ ପ୍ରଚାର ନିମନ୍ତେ ପ୍ରେରଣ କରାଗଲା ।

ଏହାର ଏକକିତା ନକଲ ତହସିଲ କାର୍ଯ୍ୟାଳୟ, କନିଷି ର ବିଜ୍ଞାପନ ଫଳକରେ ସର୍ବସାଧାରଣଙ୍କ ଅବଗତି ତଥା ବହୁଳ ପ୍ରଚାର ନିମନ୍ତେ ଜାରି କରାଗଲା ।

ତହସିଲଦାର, କନିଷି

Date - 06/3/26